ପ୍ରେସ୍ ନୋଟ୍

# ବଅଁରପାଳରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା.୧୯.୯:- ଆଜି ପୂର୍ବାହ୍ନରେ ବଅଁରପାଳ ପଞ୍ଚାୟତ ସମିତି କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା, ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ ଓ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୬୨ଟି ଅଭିଯୋଗରୁ ୫୩ଟି ବ୍ୟକ୍ତିଗତ ଓ ୯ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରାଯାଇ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଏହାଛଡା ୨୨ଟି ବିଦ୍ୟାଳୟକୁ ସେମାନଙ୍କର ଜମି ପଟ୍ଟା ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ରାସ୍ତା,ପାନୀୟଜଳ, ବିଦ୍ୟୁତ୍, ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଓ ରାସନକାର୍ଡ ପ୍ରଦାନ ଆଦି ବିଭିନ୍ନ ସମସ୍ୟା ସମ୍ପର୍କରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲାପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଲଳିତ ମୋହନ ବେହେରା, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବଇତୁରା ଦିପ୍,ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ବଅଁରପାଳ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଏଲିଜା ମିଶ୍ର, ବଅଁରପାଳ ତହସିଲଦାର ଶ୍ରୀ ଜିତେନ୍ଦ୍ର କୁମାର ସାହୁଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଉପସ୍ଥିତ ଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୫୫୧ ତା.୧୯.୯.୨୦୨୨

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।


realme
Shot on realme 9 Pro+
2022.09.19 10:40


realme
Shot on realme 9 Pro+